# ରାଜ୍ୟ ଖାଦ୍ୟ ଆୟୋଗ ଅଧକ୍ଷଙ୍କ କେନ୍ଦୁଝର ଗସ୍ତ

କେନ୍ଦୁଝର – ଆଜି ତା଼ ୨୫.୦୭.୨୦୨୩ ରିଖ ମଙ୍ଗଳବାର ଦିନ  ରାଜ୍ୟ ଖାଦ୍ୟ ଆୟୋଗର  ଅଧକ୍ଷ ଶ୍ରୀଯୁକ୍ତ ଅବନିକାନ୍ତ ସାହୁ କେନ୍ଦୁଝର ଜିଲ୍ଲା ଗସ୍ତ କରିଛନ୍ତି ।  ଅତିରିକ୍ତ ଜିଲ୍ଲାପାଳ ଶ୍ରୀଯୁକ୍ତ ଯଦୁମଣି ମହଲା,  ମୁଖ୍ୟ ଉନ୍ନୟନ ଅଧିକାରୀ ତଥା ନିର୍ବାହୀ ଅଧିକାରୀ ଜିଲ୍ଲା ପରିଷଦ, କେନ୍ଦୁଝର ଶ୍ରୀଯୁକ୍ତ ବିଷ୍ଣୁ ପ୍ରସାଦ ଆଚାର୍ଯ୍ୟ ଓ ଜିଲ୍ଲା ମୁଖ୍ୟ ଯୋଗାଣ ଅଧିକାରୀ ଶ୍ରୀ ବସନ୍ତ କୁମାର ପଣ୍ଡା ଏବଂ ଅନ୍ୟାନ୍ୟ ବିଭାଗୀୟ ଅଧିକାରୀ ଉପସ୍ଥିତରହି ଅଧକ୍ଷଙ୍କୁ  ସ୍ୱାଗତ କରିଥିଲେ। । ଏହି ଅବସରରେ ଦରବାର ହଲ ଠାରେ  ଏକ ସମୀକ୍ଷା ବୈଠକରେ ଯୋଗ ଦେଇ ଯୋଗାଣ ବିଭାଗ , ଶିକ୍ଷା ବିଭାଗ, ସ୍ୱାସ୍ଥ୍ୟ ବିଭାଗ, ସାମାଜିକ ସୁରକ୍ଷା ବିଭାଗ ଓ ସମାଜ ମଙ୍ଗଳ ବିଭାଗର ବିଭାଗୀୟ ଅଧିକାରୀଙ୍କ ସହିତ ବିଭିନ୍ନ ଯୋଜନାର ଅଗ୍ରଗତି ବିଷୟରେ ସମୀକ୍ଷା କରିଥିଲେ। ଏହି ସମୀକ୍ଷା ବୈଠକରେ ଅତିରିକ୍ତ ଜିଲ୍ଲାପାଳ ଶ୍ରୀଯୁକ୍ତ ଯଦୁମଣି ମହଲା,  ମୁଖ୍ୟ ଉନ୍ନୟନ ଅଧିକାରୀ ତଥା ନିର୍ବାହୀ ଅଧିକାରୀ ଜିଲ୍ଲା ପରିଷଦ, କେନ୍ଦୁଝର ଶ୍ରୀଯୁକ୍ତ ବିଷ୍ଣୁ ପ୍ରସାଦ ଆଚାର୍ଯ୍ୟ, ମୁଖ୍ୟ ଚିକିତ୍ସା ଅଧିକାରୀ ଶ୍ରୀଯୁକ୍ତ କିଶୋର ଚନ୍ଦ୍ର ପୃଷ୍ଟି, ଜିଲ୍ଲାର ସମସ୍ତ ଉପଜିଲ୍ଲାପାଳ, ସମସ୍ତ ଗୋଷ୍ଠୀ ଉନ୍ନୟନ ଅଧିକାରୀ, ଜିଲ୍ଲା ସାମାଜିକ ସୁରକ୍ଷା ବିଭାଗ ଅଧିକାରୀ, ଜିଲ୍ଲା ସମାଜ ମଙ୍ଗଳ ଅଧିକାରୀ ଜିଲ୍ଲା ମୁଖ୍ୟ ଯୋଗାଣ ଅଧିକାରୀ ଓ ଯୋଗାଣ ବିଭାଗର କ୍ଷେତ୍ର ଅଧିକାରୀ ପ୍ରମୁଖ  ଉପସ୍ଥିତ ଥିଲେ। ~~ସମସ୍ତ~~ ବିଭାଗୀୟ ଅଧିକାରୀ ମାନେ ସେମାନଙ୍କ ବିଭାଗର ବିବରଣୀ ଉପସ୍ଥାପନ କରିଥିଲେ । ଅଧକ୍ଷ ଶ୍ରୀଯୁକ୍ତ ଅବନିକାନ୍ତ ସାହୁ ଜିଲ୍ଲାର ଜାତୀୟ  ଖାଦ୍ୟ ସୁରକ୍ଷା ଓ ରାଜ୍ୟ ଖାଦ୍ୟ ସୁରକ୍ଷା ଯୋଜନା ଅନ୍ତର୍ଗତ ହିତାଧିକାରୀଙ୍କୁ ଖାଦ୍ୟ ଶସ୍ୟ ବଣ୍ଟନର ପ୍ରକ୍ରିୟା ସମ୍ବନ୍ଧରେ ପଚାରିବୁଝିଥିଲେ ଓ ମୃତ ବ୍ୟକ୍ତିଙ୍କ ନାମ କାଟି ତା ବଦଳରେ ଯୋଗ୍ୟ ଆବେଦନକାରୀଙ୍କ ନାମ ତୁରନ୍ତ ସଂଯୋଗ କରିବା ପାଇଁ ଯୋଗାଣ ବିଭାଗର କ୍ଷେତ୍ର ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଥିଲେ। ଅପରାହ୍ନରେ ଧାଙ୍ଗରପଡାସ୍ଥିତ ଅଙ୍ଗନବାଡି କେନ୍ଦ୍ର,  କ୍ରେଚ ଓ ଏକ ପ୍ରାଥମିକ ବିଦ୍ୟାଳୟ ପରିଦର୍ଶନ କରି ଏହାର କାର୍ଯ୍ୟକାରିତା ସମ୍ବନ୍ଧରେ ପଚାରିବୁଝିଥିଲେ। ଏହି ସମୟରେ ବିଭାଗୀୟ ଅଧିକାରୀ ମାନେ ଉପସ୍ଥିତ ଥିଲେ।   ପରେ ମୁଖ୍ୟ ଚିକିତ୍ସା ଅଧିକାରୀଙ୍କ ସହିତ ବଂଶପାଳ ଗସ୍ତ କରି ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର, ଏନଆରସି ସେଣ୍ଟର ପରିଦର୍ଶନ କରିଥିଲେ।